# ଭାଗବତ ଓଡ଼ିଆ ଜାତିର ଜୀବନ

ଭୁବନେଶ୍ୱର, ୬।୭ (ସୌମ୍ୟରଞ୍ଜନ ରାଉତ)



ଅତିବଡି ଜଗନ୍ନାଥ ଦାସ ଜାତୀୟ ଆଲୋଚନାଚକ୍ରରେ ଯୋଗଦେଇଥିବା ଅତିଥି।

ଅତିବଡି ଜଗନ୍ନାଥ ଦାସଙ୍କ ଓଡ଼ିଆ ଭାଗବତ ହେଉଛି ଓଡ଼ିଆ ଅସ୍ମିତାର ଅନନ୍ୟ ପରିଚୟ। ସଂସ୍କୃତ ଭାଷାର ଅନୁସୃଜନ ହୋଇଥିଲେ ସୁଦ୍ଧା ଏହା ମୂଳ ଭାଗବତଠାରୁ ଅଧିକ ଲୋକପ୍ରିୟ। ଭାଗବତ ଓଡ଼ିଆ ଜାତିର ଜୀବନ ବେଦ କହିଲେ ଅତ୍ୟୁକ୍ତି ହେବନାହିଁ। ଏହି ଅନବଦ୍ୟ କୃତି ଓଡ଼ିଆ ଭାଷା ସାହିତ୍ୟ, ସଂସ୍କୃତି ଓ ସମାଜର ମୂଳ ଆଧାର। ଜୀବନ, ମୃତ୍ୟୁ, ମୋକ୍ଷ, ମୁକ୍ତି, ବିଚାର, ଦ୍ୱନ୍ଦ୍ୱ, ତର୍କଣା, ପରମ୍ପରା ଓ ସଂସ୍କୃତି ସମ୍ବନ୍ଧିତ ନାନାବିଧ ପ୍ରଶ୍ନର ସହଜ ଉତ୍ତର ଦେଇଥାଏ ଭାଗବତ। ଭାଗବତ ପଠନ ଓଡ଼ିଆ ଭାଗବତ ତୁଙ୍ଗି ପରମ୍ପରା ଓ ସଂସ୍କୃତିକୁ ଦେଇଛି ଭିନ୍ନ ପରିଚୟ। କେନ୍ଦ୍ର ସାହିତ୍ୟ ଏକାଡେମୀ ଏବଂ ଓଡ଼ିଶା ସାହିତ୍ୟ ଏକାଡେମୀ ପକ୍ଷରୁ ସଂସ୍କୃତି ଭବନଠାରେ ଅତିବଡି ଜଗନ୍ନାଥ ଦାସ ଜାତୀୟ ଆଲୋଚନାଚକ୍ରରେ ଯୋଗଦେଇ ଅତିଥିମାନେ ଏହା କହିଛନ୍ତି।

ମୁଖ୍ୟବକ୍ତା ଭାବେ ଯୋଗଦେଇ ସମାଲୋଚକ ଡ. ପ୍ରଦୀପ୍ତ କୁମାର ପଣ୍ଡା ପଞ୍ଚସଖା ଯୁଗର ସାହିତ୍ୟର ବୈଶିଷ୍ଟ୍ୟ, ଓଡ଼ିଆ ଭାଗବତର ମୌଳିକତା ଓ ପ୍ରଭାବ ଆଦି ବର୍ଣ୍ଣନା କରିଥିଲେ। କେନ୍ଦ୍ର ସାହିତ୍ୟ ଏକାଡେମୀର ଓଡ଼ିଆ ଉପଦେଷ୍ଟା ପରିଷଦ ଆବାହକ ଡ. ଗୌରହରି ଦାସ କହିଲେ, ଓଡ଼ିଆ ଜନଜୀବନ ଏବଂ ଭାଗବତ ଓତପ୍ରୋତ ଭାବେ ଜଡ଼ିତ। ମଣିଷ ମନର ସବୁପ୍ରକାର ପ୍ରଶ୍ନର ଉତ୍ତର ତହିଁରେ ଭରି ରହିଛି। ଏଥିସହିତ ସେ ଭାଗବତର କେତେକ ଧାଡିର ଲୋକପ୍ରିୟତା ଏବଂ ବହୁଳ ବ୍ୟବହାର ସମ୍ପର୍କରେ ସୂଚନା ଦେଇଥିଲେ। ପଦ୍ମଶ୍ରୀ ଡ. ଅନ୍ତର୍ଯ୍ୟାମୀ ମିଶ୍ର ଉଦ୍‌ଘାଟନ କରିଥିଲାବେଳେ କେନ୍ଦ୍ର ସାହିତ୍ୟ ଏକାଡେମୀ ସଚିବ ଡ. କେ. ଶ୍ରୀନିବାସ ରାଓ ସ୍ୱାଗତ ଭାଷଣ ଦେଇଥିଲେ। ଉତ୍ତର ଓଡ଼ିଶା ବିଶ୍ୱବିଦ୍ୟାଳୟର ପୂର୍ବତନ କୁଳପତି ଡ. ପ୍ରଫୁଲ୍ଲ କୁମାର ମିଶ୍ର, ସାହିତ୍ୟିକ ଦାଶ ବେନହୁର, ଡ. ଜୟନ୍ତୀ ରଥ, ଶାନ୍ତନୁ କୁମାର ଆଚାର୍ଯ୍ୟ ପ୍ରମୁଖ ଅତିଥିଭାବେ ଯୋଗଦେଇ ବକ୍ତବ୍ୟ ରଖିଥିଲେ। ସାହିତ୍ୟ ଏକାଡେମୀ କୋଲକାତା କାର୍ଯ୍ୟାଳୟର ଭାରପ୍ରାପ୍ତ ଅଧିକାରୀ କ୍ଷେତ୍ରବାସୀ ନାଏକ ସଭା ସଂଯୋଜନା କରିଥିଲେ। ଓଡ଼ିଶା ସାହିତ୍ୟ ଏକାଡେମୀର ସହ ସଚିବ ସଞ୍ଜୟ କୁମାର ଭୁଆଁସିଂହ ଧନ୍ୟବାଦ ଅର୍ପଣ କରିଥିଲେ। ସୋମବାର ଦ୍ୱିତୀୟ ଦିବସରେ ହେବାକୁଥିବା ଦୁଇଟି ଅଧିବେଶନରେ ଗବେଷକମାନେ ଜଗନ୍ନାଥ ଦାସଙ୍କ କୃତିର ବିଭିନ୍ନ ଦିଗ ସମ୍ପର୍କରେ ଆଲୋଚନା କରିବେ ବୋଲି ଏକାଡେମୀ ପକ୍ଷରୁ ସୂଚନା ଦିଆଯାଇଛି।